ପ୍ରେସ୍‌ନୋଟ୍

# ଆଜି ଅନୁଗୋଳରୁ ୬ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ପହଞ୍ଚିଲା ୩୪୫ ରେ ।

ଅନୁଗୋଳ,ତା.୨.୮:- ଆଜି ଅନୁଗୋଳ ଜିଲ୍ଲାରୁ ୬ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେମାନଂକ ମଧ୍ୟରୁ ତାଳଚେର ବ୍ଲକ୍ ଅଂଚଳରୁ ସର୍ବାଧିକ ୫ ଜଣ ଓ ଜଣେ ଅନୁଗୋଳ ପୌରାଞ୍ଚଳରୁ ଚିହ୍ନଟ ହୋଇଛନ୍ତି । ତାଳଚେର ବ୍ଲକ୍ ଅଂଚଳରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଂକ ମଧ୍ୟରେ ୩ ଜଣ ପୁରୁଷଙ୍କ ବୟସ ଯଥାକ୍ରମେ ୨୪,୪୫ ଓ ୫୨ ବର୍ଷ ଅଟେ । ଏହି ୩ ଜଣ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି । ଏହି ବ୍ଲକ୍ ଅଂଚଳର ଜଣେ ୨୦ ବର୍ଷିୟ ପୁରୁଷ ତାଂକ ପରିବାରରେ ପୂର୍ବରୁ ଆକ୍ରାନ୍ତ ହୋଇଥିବା ଜଣେ ସଦସ୍ୟଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଛନ୍ତି । ଅନ୍ୟ ଜଣେ ଆକ୍ରାନ୍ତ ଏହି ବ୍ଲକ୍ ଅଂଚଳର ଏକ ଅସ୍ଥାୟୀ ମେଡିକାଲ ଶିବିରରେ ଥିବା ଜଣେ ୩୫ ବର୍ଷିୟ ଉତ୍ତରପ୍ରଦେଶ ଫେରନ୍ତା ପୁରୁଷ ଯିଏକି ସଂଗରୋଧରେ ଥିବାବେଳେ ତାଂକର ପଜିଟିଭ ବାହାରିଛି । ସେହିପରି ଅନୁଗୋଳ ପୌରାଂଚଳରୁ ଜଣେ ୫୫ ବର୍ଷିୟ ଲକ୍ଷଣଯୁକ୍ତ ପୁରୁଷ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସିଥିବାରୁ ପଜିଟିଭ ଜଣାପଡିଛନ୍ତି । ଆଜି ଚିହ୍ନଟ ହୋଇଥିବା ୬ ଜଣ ଆକ୍ରାନ୍ତଂକୁ ମିଶାଇ ଜିଲ୍ଲାରେ ଆକ୍ରାନ୍ତଂକ ସଂଖ୍ୟା ୩୪୫ରେ ପହଂଚିଲା । ଏହି ୬ ଜଣ ଆକ୍ରାନ୍ତଂକୁ ଆଜି ଚିକିତ୍ସା ନିମନ୍ତେ ତାଳଚେର କୋଭିଡ ହସପିଟାଲକୁ ସ୍ଥାନାନ୍ତର କରାଯାଇଛି ବୋଲି ଜିଲ୍ଲାପାଳ ଶ୍ରୀ ମନୋଜ କୁମାର ମହାନ୍ତି ପ୍ରକାଶ କରିଛନ୍ତି । ଇତି ମଧ୍ୟରେ ତାଳଚେର କୋଭିଡ ହସପିଟାଲରୁ ଚିକିତ୍ସିତ ହୋଇ ସୁସ୍ଥ ହୋଇଥିବା ୫ ଜଣଂକ ମଧ୍ୟରୁ ୩ ଜଣଂକୁ ନିଜ ଘରେ Isolation ରେ ରହିବାକୁ ପରାମର୍ଶ ଦିଆଯାଇଥିବାବେଳେ ୨ ଜଣଂକୁ ବଅଁରପାଳ ସ୍ଥିତ ଦିଲ୍ଲୀ ପବ୍ଲିକ୍ ସ୍କୁଲର କୋଭିଡ କେୟାର ସେଣ୍ଟରକୁ ନିରୀକ୍ଷଣ ନିମନ୍ତେ ପଠାଯାଇଛି । । ପୂର୍ବରୁ ସୁସ୍ଥ ହୋଇଥିବା ୨୨୬ ଜଣଙ୍କୁ ମିଶାଇ ସୁସ୍ଥଙ୍କ ସଂଖ୍ୟା ୨୩୧ ରେ ପହଂଚିଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୪୯୭ ତା.୨.୮.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

2/8/20

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ